ODISHA POLICE
STATE HEADQUARTERS
CUTTACK.

---

# ପ୍ରେସ୍ ନୋଟ୍

**ତା ୦୧.୦୭.୨୦୨୫**

କ୍ରାଇମ୍ ବ୍ରାଞ୍ଚ, ଓଡିଶାର ସୋସିଆଲ ମିଡିଆ ଟିମ୍ ନକଲି ୱେବସାଇଟ୍ ବିରୋଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ଅଦ୍ୟାବଧି କ୍ରାଇମବ୍ରାଞ୍ଚର ସାଇବର କ୍ରାଇମ୍ ୟୁନିଟ୍ 23ଟି ନକଲି ହୋଟେଲ ୱେବସାଇଟ୍ ଚିହ୍ନଟ କରିବା ସହ ସେଗୁଡ଼ିକୁ ବ୍ଲକ କରିବା ପାଇଁ ପ୍ରକ୍ରିୟା ଆରମ୍ଭ କରିଛି। ସେଥିମଧ୍ୟରୁ 15ଟି ୱେବସାଇଟ୍ କୁ ପୂର୍ବରୁ ବ୍ଲକ କରାଯାଇଥିବା ବେଳେ ଅନ୍ୟ ୱେବସାଇଟ୍ ଗୁଡିକୁ ବନ୍ଦ କରାଯିବା ପାଇଁ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି।

ମହାପ୍ରଭୁଙ୍କ ପୁରୀ ରଥଯାତ୍ରା ସମୟରେ ସାଇବର ଅପରାଧୀମାନେ ବିଭିନ୍ନ ହୋଟେଲଗୁଡ଼ିକର ନକଲି ୱେବସାଇଟ୍ ପ୍ରସ୍ତୁତ କରୁଛନ୍ତି । ସାଧାରଣ ଲୋକଙ୍କୁ ଅନଲାଇନ୍ ବୁକିଂ ଉପରେ ଆକର୍ଷଣୀୟ ରିହାତି ପ୍ରଦାନ କରିବା ନାଁରେ ଠକୁଛନ୍ତି। ଫଳରେ ଅସୁବିଧା ସମୟରେ ଏବଂ କମ ଟଙ୍କାରେ ହୋଟେଲ ଖୋଜୁଥିବା ପର୍ଯ୍ୟଟକମାନେ ଏହି ନକଲି ସାଇଟ୍‌ଗୁଡ଼ିକର ଶିକାର ହେଉଛନ୍ତି। ଏହି ନକଲି ୱେବସାଇଟ୍ ପେଜ୍‌ଗୁଡିକ ଏପରି ଭାବରେ ଡିଜାଇନ୍ କରାଯାଇଛି ଯେ, ଏହା ଅବିକଳ ଅସଲି ୱେବସାଇଟ୍ ପରି ଦୃଶ୍ୟମାନ ହୋଇଥାଏ । ଯାହାଫଳରେ କି, ସାଧାରଣ ଲୋକଟି ପାଇଁ ଅସଲି ଏବଂ ନକଲି ମଧ୍ୟରେ ପାର୍ଥକ୍ୟ କରିବା ବହୁତ କଷ୍ଟକର ହୋଇପଡ଼େ। ଠକମାନେ ବିଭିନ୍ନ ପ୍ରତିଷ୍ଠିତ ହୋଟେଲର ନକଲି ୱେବ ସାଇଟ୍ ପ୍ରସ୍ତୁତ କରିବା ସହ କମ ଟଙ୍କା, ଗ୍ୟାରେଣ୍ଟି ବୁକିଂ ଓ ଆକର୍ଷଣୀୟ ଅଫର୍ ସମ୍ପର୍କରେ ସାମାଜିକ ଗଣମାଧ୍ୟମରେ ବିଜ୍ଞାପନ ଦେଇ ପର୍ଯ୍ୟଟକଙ୍କୁ ଠକେଇ କରୁଥିବା ଘଟଣା ନଜରକୁ ଆସିଥାଏ। ଏହି ଠକମାନେ ପ୍ରାୟତଃ ଗୁଗୁଲ୍ ସର୍ଚ୍ଚର ଶୀର୍ଷରେ ନକଲି ୱେବସାଇଟ୍ ରଖନ୍ତି। ଏହାକୁ ଦୃଷ୍ଟିରେ ରଖି ରାଜ୍ୟ କ୍ରାଇମବ୍ରାଞ୍ଚ ପକ୍ଷରୁ ସ୍ୱତନ୍ତ୍ର ପଦକ୍ଷେପ ଗ୍ରହଣ କରାଯାଇଛି।

ଉଲ୍ଲେଖ ଯୋଗ୍ୟ ଯେ, ଅତୀତରେ ଘଟିଥିବା ଘଟଣା ଯୋଗୁଁ ଚଳିତ ବର୍ଷ ଓଡ଼ିଶାରେ କ୍ରାଇମବ୍ରାଞ୍ଚର ସୋସିଆଲ ମିଡିଆ ଟିମ୍ ସତର୍କ ରହିଛି। ଗତ ବର୍ଷ, ଏହି ପ୍ରକାରର

ଠକେଇରେ ଓଡ଼ିଶା ଏବଂ ଅନ୍ୟାନ୍ୟ ରାଜ୍ୟର ଅନେକ ଲୋକ ବହୁତ ଟଙ୍କା ହରାଇଛନ୍ତି। ଏହି ବର୍ଷ, ଟିମ୍ ୨୨ ଜୁନ୍ ୨୦୨୫ ରୁ ଆଜି ପର୍ଯ୍ୟନ୍ତ ନକଲି ହୋଟେଲ ସାଇଟ୍ ଖୋଜିବା, ସେଗୁଡ଼ିକୁ ରିପୋର୍ଟ କରିବା ଏବଂ ଯଥାଶୀଘ୍ର ସତର୍କତା ପଠାଇବା ପାଇଁ ଦିନରାତି କାମ କରୁଛି। ଚଳିତବର୍ଷ ସୁନାବେଶ ପର୍ଯ୍ୟନ୍ତ ଏହି ଅଭିଯାନ ଜାରି ରହିବ।

ଲୋକଙ୍କୁ ସୁରକ୍ଷିତ ରଖିବାରେ ସାହାଯ୍ୟ କରିବା ପାଇଁ, ଆମର ଅଫିସିଆଲ୍ ସାଇବର ସୁରକ୍ଷା ପେଜ ମାଧ୍ୟମରେ ଏହି ଠକେଇ ବିଷୟରେ ନିୟମିତ ସତର୍କତା ଏବଂ ସଚେତନତା ବାର୍ତ୍ତା ମଧ୍ୟ ସେୟାର କରାଯାଉଛି । ଗୁରୁତ୍ୱପୂର୍ଣ୍ଣ ଅପଡେଟ୍, ସୁରକ୍ଷା ଟିପ୍ସ ଏବଂ ରିଅଲ୍-ଟାଇମ୍ ଚେତାବନୀ ପାଇଁ ନାଗରିକମାନଙ୍କୁ ଟ୍ୱିଟର, ଫେସବୁକ୍ ଏବଂ ଇନଷ୍ଟାଗ୍ରାମରେ @cybercopodisha କୁ ଅନୁସରଣ କରିବାକୁ ସୂଚନା ପ୍ରଦାନ କରାଯାଇଛି।

**ନାଗରିକଙ୍କ ପାଇଁ ସୁରକ୍ଷା ବାର୍ତ୍ତା:**
MakeMyTrip, Goibibo, Booking.com, Trivago, ଇତ୍ୟାଦି ସ୍ୱୀକୃତି ପ୍ରାପ୍ତ ୱେବସାଇଟ୍ ମାଧ୍ୟମରେ ବୁକିଂ କରନ୍ତୁ।

Google Maps ବ୍ୟବହାର କରି ହୋଟେଲର ଠିକଣା ଓ ନମ୍ବର କ୍ରସ୍‌ଚେକ୍ କରନ୍ତୁ।

ବୁକିଂ ସମୟରେ ସମସ୍ତ ଅର୍ଥ ଅଗ୍ରିମ ପଇଠ କରନ୍ତୁ ନାହିଁ।

ସୁରକ୍ଷିତ ପେମେଣ୍ଟ ଗେଟୱେ ବ୍ୟବହାର କରନ୍ତୁ।

ବୈଧ ଇନଭଏସ୍ କିମ୍ବା ବୁକିଂ ଆଇଡି ସହ ଇମେଲ୍ ବା SMS ମାଧ୍ୟମରେ ନିଶ୍ଚିତ ପାଆନ୍ତୁ।

ରଥଯାତ୍ରା ସମୟରେ ଅପେକ୍ଷାକୃତ କମ ଦର ଦେଖି ବୁକିଂ କରନ୍ତୁ ନାହିଁ।

ବୁକିଂ ବେଳେ ଆପଣ ଠକାମିର ଶିକାର ହୋଇଛନ୍ତି ଜାଣିଲେ ତୁରନ୍ତ 1930 ରେ ରିପୋର୍ଟ କରନ୍ତୁ।

ଲୋକ ସମ୍ପର୍କ ଅଧିକାରୀ